# ଜିଲ୍ଲା ସ୍ତରୀୟ ମିଳିତ ଜନଶୁଣାଣି ଶିବିର ଅନୁଷ୍ଠିତ

District level joint hearing of public Grievance.

## ୩ ଜଣଙ୍କୁ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ଓ ୧୦ ଜଣଙ୍କୁ ଜିଲ୍ଲା ରେଡକ୍ରସ ପାଣ୍ଠିରୁ ଚିକିତ୍ସା ନିମନ୍ତେ ୭୪ ହଜାର ଟଙ୍କାର ଆର୍ଥିକ ସହାୟତା ପ୍ରଦାନ ।

ଜିଲ୍ଲା ସ୍ତରୀୟ ଜନଶୁଣାଣି ଶିବିର ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟର କୋର୍ଟ ରୁମ୍ ଠାରେ ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏହି ଶିବିରରେ ଆରକ୍ଷୀ ଅଧିକ୍ଷକ ଶ୍ରୀ ଜଗମୋହନ ମୀନା ଯୋଗ ଦେଇଥିଲେ । ଶିବିରରେ ଦାଖଲ ହୋଇଥିବା ସମୁଦାୟ ୯୭ଟି ଅଭିଯୋଗରୁ ୬୯ଟି ବ୍ୟକ୍ତିଗତ, ୧୫ଟି ଗ୍ରାମ୍ୟ ଭିତ୍ତିକ ସମସ୍ୟା ସମ୍ପର୍କୀତ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଜିଲ୍ଲା ରେଡକ୍ରସ ପାଣ୍ଠିରୁ ୧୦ ଜଣଙ୍କୁ ୪୯ ହଜାର ଟଙ୍କା ଓ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ୩ ଜଣଙ୍କୁ ୨୫ ହଜାର ଟଙ୍କା ଆର୍ଥିକ ସହାୟତା ଚିକିତ୍ସା ନିମନ୍ତେ ପ୍ରଦାନ କରାଯାଇଛି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ଭତ୍ତା,ଇନ୍ଦିରା ଆବାସ,ବିଜୁ ପକ୍କାଘର, ପାନୀୟ ଜଳ ଯୋଗାଣ, ବିଦ୍ୟୁତ ସମସ୍ୟା,ରାସ୍ତା ନିର୍ମାଣ ,ଶିକ୍ଷା, ସ୍ୱାସ୍ଥ୍ୟ,ବିସ୍ଥାପନ ଓ ବିଭିନ୍ନ ରୋଗର ଚିକିତ୍ସା ନିମନ୍ତେ ଅତିରିକ୍ତ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଥିଲେ । ଏହି ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଅତୁଲ୍ୟ କୁମାର ଚମ୍ପ ତିରାୟ, ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଶ୍ରୀ ଯଦୁନାଥ ହାଁସଦା, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡ.ଅମରେନ୍ଦ୍ର ନାଥ ମହାନ୍ତି,ଡେପୁଟୀ କଲେକ୍ଟର ଶ୍ରୀ ବଇତୁରା ଦୀପ, ଆସିଷ୍ଟାଣ୍ଟ କଲେକ୍ଟର ଈଶାନୀ ପଣ୍ଡା ଓ ମଧୁସ୍ମିତା ବିଶିଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀ ମାନେ ଯୋଗ ଦେଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୧୮୧ ତା. ୧୦.୦୨.୨୦୨୦

ଏହାର ଏକକିତା ନକଲ ଜିଲ୍ଲା ସ୍ତରୀୟ ସମସ୍ତ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ


Shot on realme 1